ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# ମନ୍ତ୍ରୀ ତୁଷାରକାନ୍ତି ବେହେରାଙ୍କର
# ତିନିଦିନିଆ ମାଲକାନଗିରି ଓ କୋରାପୁଟ ଜିଲ୍ଲା ଗସ୍ତ

ଭୁବନେଶ୍ୱର, ୦୬/୦୨/୨୦୨୦

ଇଲେକ୍ଟ୍ରୋନିକ୍ସ ଏବଂ ସୂଚନା ପ୍ରଯୁକ୍ତି ବିଦ୍ୟା, କ୍ରୀଡ଼ା ଓ ଯୁବସେବା ମନ୍ତ୍ରୀ ଶ୍ରୀ ତୁଷାରକାନ୍ତି ବେହେରା ତିନିଦିନିଆ ମାଲକାନଗିରି ଏବଂ କୋରାପୁଟ ଜିଲ୍ଲା ଗସ୍ତରେ ଯାଇଛନ୍ତି । ଆସନ୍ତା ଫେବୃଆରୀ ୭ ତାରିଖ ଶୁକ୍ରବାରଠାରୁ ୯ ତାରିଖ ରବିବାର ପର୍ଯ୍ୟନ୍ତ ଏହି ଗସ୍ତରେ ମନ୍ତ୍ରୀ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦେବେ । ୭ ତାରିଖରେ ମନ୍ତ୍ରୀ ମାଲକାନଗିରି ଜିଲ୍ଲାରେ ପହଞ୍ଚିବା ସହ ବିଭିନ୍ନ କ୍ରୀଡ଼ା ଭିତ୍ତିଭୂମିର ବିକାଶ ନେଇ ଜିଲ୍ଲା ପ୍ରଶାସନ ଏବଂ ବରିଷ୍ଠ ଅଧିକାରୀମାନଙ୍କ ସହ ଏକ ସମୀକ୍ଷା ବୈଠକ କରିବାର କାର୍ଯ୍ୟକ୍ରମ ରହିଛି । ଏଥି ସହିତ ଏହି ଦିନ ସନ୍ଧ୍ୟାରେ  ମନ୍ତ୍ରୀ ଶ୍ରୀ ବେହେରା ଜିଲ୍ଲା ମାଲ୍ୟବନ୍ତ ମହୋତ୍ସବରେ ଯୋଗଦେବାର କାର୍ଯ୍ୟକ୍ରମ ରହିଛି । ୮ ତାରିଖ ପୂର୍ବାହ୍ନରେ ମନ୍ତ୍ରୀ ଶ୍ରୀ ବେହେରା ମାଲକାନଗିରି ଜିଲ୍ଲା ମହିଳା ମହାବିଦ୍ୟାଳୟର ରୌପ୍ୟ ଜୟନ୍ତୀ ଉତ୍ସବରେ ଯୋଗଦେବେ । ଏହିଦିନ ଅପରାହ୍ଣରେ କୋରାପୁଟ, ସୁନାବେଡ଼ାସ୍ଥିତ କେନ୍ଦ୍ରୀୟ ବିଦ୍ୟାଳୟରେ ଆୟୋଜିତ ଏକ ଭାରତ ଶ୍ରେଷ୍ଠ ଭାରତ ଉତ୍ସବରେ ଯୋଗଦେବେ । ୯ ତାରିଖ ପୂର୍ବାହ୍ନରେ ସୁନାବେଡାରୁ ଜୟପୁର ଦେଇ ଭୁବନେଶ୍ୱର ପ୍ରତ୍ୟାବର୍ତ୍ତନ କରିବାର କାର୍ଯ୍ୟକ୍ରମ ରହିଛି । ମନ୍ତ୍ରୀଙ୍କ ଏହି ଗସ୍ତ କ୍ରୀଡ଼ା ଭିତ୍ତିଭୂମିର ବିକାଶ ସହ ଜନଜାତି ସଂସ୍କୃତି ଓ ପରମ୍ପରା ଏବଂ ପର୍ଯ୍ୟଟନର ବିକାଶରେ ବେଶ୍ ଫଳପ୍ରଦ ହେବ ବୋଲି ଆଶା ରହିଛି ।

ସୁଜିତ୍ ରଞ୍ଜନ ସ୍ୱାଇଁ
ସୂଚନା ଅଧିକାରୀ